କେନ୍ଦୁଝରଠାରେ ଯୁଗ୍ମ ଅଭିଯୋଗ ଶୁଣାଣୀ ଅନୁଷ୍ଠିତ

କେନ୍ଦୁଝର, ତା ୦୫.୦୯. ତା ୦୫.୦୯.୨୦୨୨ ରିଖ ସୋମବାର ଦିନ ଜିଲ୍ଲାପାଳ ଆଶିଷ ଠାକରେ ଏବଂ ଏସ୍.ପି. ମିତ୍ରଭାନୁ ମହାପାତ୍ରଙ୍କ ଅଧକ୍ଷତାରେ କେନ୍ଦୁଝର ଜିଲ୍ଲା ସଦର ମହକୁମାସ୍ଥ ଦରବାର ହଲ୍‌ଠାରେ ଜନସାଧାରଣଙ୍କ ଅଭିଯୋଗ ଶୁଣାଣୀ ଅନୁଷ୍ଠିତ ହୋଇଯାଇଛି । ଏହି ଅଭିଯୋଗ ଶୁଣାଣୀ କାର୍ଯ୍ୟକ୍ରମରେ ମୋଟ୍ ୧୪୧ଟି ଅଭିଯୋଗ ଗ୍ରହଣ କରାଯାଇଥିଲା । ସେଥିମଧ୍ୟରୁ ୩୩ଟି ଅଭିଯୋଗର ତୁରନ୍ତ ଫଇସଲା କରାଯାଇଥିଲା । ସମୁଦାୟ ଅଭିଯୋଗ ମଧ୍ୟରୁ ୧୯ଟି ଅଭିଯୋଗ ଗୋଷ୍ଠୀ ସମସ୍ୟା/ଗ୍ରାମ୍ୟ ସମସ୍ୟାମୂଳକ ହୋଇଥିବାବେଳେ ୧୨୨ଟି ଅଭିଯୋଗ ବ୍ୟକ୍ତିଗତ ସମସ୍ୟା ଉପରେ ପର୍ଯ୍ୟବେସିତ ଥିଲା । ଅନ୍ୟମାନଙ୍କ ମଧ୍ୟରେ ଡି.ଏଫ୍.ଓ ଧନରାଜ ଏଚ୍.ଡି., ଅତିରିକ୍ତ ଜିଲ୍ଲାପାଳ ଶ୍ରୀମତୀ ସୁଷମା ବିଲୁଙ୍ଗ, ଅତିରିକ୍ତ ଜିଲ୍ଲାପାଳ(ରାଜସ୍ୱ) ଯଦୁମଣି ମହଲା, ଉପଜିଲ୍ଲାପାଳ ରାମଚନ୍ଦ୍ର କିସ୍କୁ, ଜିଲ୍ଲା ମୁଖ୍ୟ ଚିକିତ୍ସା ଏବଂ ଜନସ୍ୱାସ୍ଥ୍ୟ ଅଧିକାରୀ ଡାଃ ସୁଜାତାରାଣୀ ମିଶ୍ର, ଡେପୁଟି କଲେକ୍ଟର (ଆପତକାଳୀନ) ସୁରଞ୍ଜିକା ବେହେରା ଏବଂ ଆସିଷ୍ଟାଂଟ୍ କଲେକ୍ଟର ସୁଚିସ୍ମିତା ଦାଶଙ୍କ ସମେତ ଜିଲ୍ଲାସ୍ତରୀୟ ବିଭିନ୍ନ ବିଭାଗୀୟ ଅଧିକାରୀମାନେ ଏହି ଅଭିଯୋଗ ଶୁଣାଣି କାର୍ଯ୍ୟକ୍ରମରେ ଯୋଗଦେଇଥିଲେ । ଏହି ଅଭିଯୋଗ ଶୁଣାଣୀ କାର୍ଯ୍ୟକ୍ରମରେ ରେଡ୍‌କ୍ରସ୍‌ରୁ ସହାୟତା ପାଇଁ ୧୩ଟି ଦରଖାସ୍ତ ଗ୍ରହଣ କରାଯାଇଥିଲା ।

ଉପନିର୍ଦ୍ଦେଶକ, ସୂଚନା ଓ ଲୋକ ସଂପର୍କ, କେନ୍ଦୁଝର